# ପୌରପରିଷଦ କାର୍ଯ୍ୟାଳୟ, ରାଇରଙ୍ଗପୁର

ସଂଖ୍ୟା୩୧୧୫ ତା୧୨.୧୦.୨୦୨୩

**୨୦୨୩-୨୪ ଆର୍ଥିକ ବର୍ଷ ନିମନ୍ତେ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଦ୍ୱାରା ସହରର ୧୫ଗୋଟି ପେଭର ବ୍ଲକ୍ ରାସ୍ତା ନିର୍ମାଣ କାର୍ଯ୍ୟ କରିବା ନିମନ୍ତେ ଅଭିବ୍ୟକ୍ତି ପ୍ରକାଶନ (ଏକ୍ସପ୍ରେସନ୍ ଅଫ୍ ଇଂଟେରେଷ୍ଟ)**

ଏତଦ୍ୱାରା ରାଇରଙ୍ଗପୁର ପୌରପରିଷଦ, ରାଇରଙ୍ଗପୁର ଅନ୍ତର୍ଗତ ୱାର୍ଡ ନଂ. ୧,୨,୩, ୮, ୧୩ ଏବଂ ୧୫ର ସମସ୍ତ ସ୍ୱୟଂ ସହାୟକ ଗୋଷ୍ଠୀ ମାନଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ଗୃହ ଓ ନଗର ଉନ୍ନୟନ ବିଭାଗ, ଓଡିଶା, ଭୁବନେଶ୍ୱରଙ୍କ ପତ୍ର ସଂଖ୍ୟା୧୫୬୧୬ତା୦୫.୦୮.୨୦୨୩ରିଖ ପ୍ରକାରେ ପୌର ପରିଷଦର ୧୫ଗୋଟି ପ୍ରକଳ୍ପ ମୁକ୍ତା ନିୟମାବଳୀ ଅନୁଯାୟୀ ସମ୍ପାଦନ କରିବା ନିମନ୍ତେ ଦରଖାସ୍ତ ଆହ୍ୱାନ କରାଯାଉଅଛି ।

ଏଣୁ ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀମାନେ ଆସନ୍ତା ତା୧୮.୧୦.୨୦୨୩ରିଖ ଅପରାହ୍ନ ୪ଘଟିକା ମଧରେ ରାଇରଙ୍ଗପୁର ପୌର ପରିଷଦରେ ନିଜର ମୁଦା ଲଫାପାରେ ଆବେଦନ ପତ୍ର ଦାଖଲ କରିପାରିବେ ।

୧- ଏହି ଅଭିବ୍ୟକ୍ତି ଆବେଦନ ସମୟ ସମ୍ପୂର୍ଣ୍ଣ ହେବା ପରେ ତା୧୯.୧୦.୨୦୨୩ରିଖ ପୂର୍ବାହ୍ନ ୧୧ଘଟିକା ସମୟରେ ରାଇରଙ୍ଗପୁର ପୌରପରିଷଦ ସଭା ଗୃହରେ ଖୋଲା ଯିବ ବୋଲି ସ୍ଥିର କରାଯାଇଅଛି ।

୨- ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଏହାର ଅଭିବ୍ୟକ୍ତି ପ୍ରକାଶନ ସହିତ ଆବେଦନ ପତ୍ର ରାଇରଙ୍ଗପୁର ପୌରପରିଷଦର ୱେବ୍ ସାଇଟ୍ www.rairangpurmunicipality.org.ରୁ ଡାଉନ୍ ଲୋଡ୍ କରିପାରିବେ ଏବଂ ଗୋଷ୍ଠୀ ସଙ୍ଗଠିକାଙ୍କ ପାଖରୁ ମଧ ପାଇ ପାରିବେ ।

୩- ଯେଉଁ ସ୍ୱୟଂ ସହାୟକ ଗୋଷ୍ଠୀ ମାନେ ଯୋଗ୍ୟ ପ୍ରମାଣିତ ହୁଅନ୍ତି ସେହି ଗୋଷ୍ଠୀମାନଙ୍କ ମଧରେ ଲଟେରୀ ଦ୍ୱାରା କାର୍ଯ୍ୟଗୁଡିକୁ କରିବା ପାଇଁ ଚୟନ କରାଯିବ ।

୪- ଏହି ଅଭିବ୍ୟକ୍ତି ପ୍ରକାଶନରେ ୱାର୍ଡ ନଂ.୧,୨,୩,୮,୧୩ ଏବଂ ୧୫ର ସମସ୍ତ ସ୍ୱୟଂ ସହାୟକ ଗୋଷ୍ଠୀମାନେ ଭାଗ ନେଇ ପାରିବେ ।

**ବିଶେଷ ଦ୍ରଷ୍ଟବ୍ୟ**

୧-ଆର୍ଥିକ ବର୍ଷ (୨୦୨୧-୨୨) (୨୦୨୨-୨୩) (୨୦୨୩-୨୪)ରେ ଯେଉଁ ସବୁ ସ୍ୱୟଂ ସହାୟକ ଗୋଷ୍ଠୀ ସହରର ରୂପାନ୍ତରୀକରଣ ଏବଂ **5T ବିଦ୍ୟାଳୟ** କାର୍ଯ୍ୟ ପାଇ ନାହାନ୍ତି ସେହି ଗୋଷ୍ଠୀମାନଙ୍କୁ ପ୍ରଥମେ ଅଗ୍ରାଧିକାର ଦିଆଯିବ । ଏତତ୍ ବ୍ୟତୀତ ଯଦି କୌଣସି କାର୍ଯ୍ୟ ବଳକା ରହିଯାଏ ତେବେ ସମସ୍ତ ସ୍ୱୟଂ ସହାୟିକା ଗୋଷ୍ଠୀମାନଙ୍କୁ ଏହି ଲଟେରୀରେ ଭାଗ ନେବା ପାଇଁ ସୁଯୋଗ ଦିଆଯିବ ।

**<u>ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ର ଯୋଗ୍ୟତା ପରିମାପକ ମାନଦଣ୍ଡ</u>**

୧- ଆବେଦନ କରୁଥିବା ସ୍ୱୟଂ ସହାୟିକା ଗୋଷ୍ଠୀ ସମ୍ପୃକ୍ତ ୱାର୍ଡର ହୋଇଥିବ ।

୨- ପଞ୍ଚ ସୂତ୍ରୀ ନିୟମକୁ ଅନୁପାଳନ କରାଯିବ, (ନିୟମିତ ବୈଠକ, ନିୟମିତ ସଂଚୟ, ନିୟମିତ ଗୋଷ୍ଠୀ ମଧ୍ୟରେ ଋଣ କାରବାର, ନିୟମିତ ପରିଶୋଧ, ନିୟମିତ ହିସାବ ରଖିବା ଇତ୍ୟାଦି) ।

୩- ସ୍ୱୟଂ ସହାୟିକା ଗୋଷ୍ଠୀ ପଞ୍ଜିକରଣ ଅଭିବ୍ୟକ୍ତି ପ୍ରକାଶନର ତାରିଖ ପୂର୍ବରୁ ଏକ ବର୍ଷ ହୋଇଥିବ ।

୪- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ର ପରମାନେନ୍ଟ ଆକାଉଂଟ୍ (ପ୍ୟାନ୍ ନମ୍ବର) ଥିବ ।

୫- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ର ଜମାଖାତା ସକ୍ରିୟ ଥିବ ।

୬- କୌଣସି ଆର୍ଥିକ ଅନିୟମିତତା ଯଥା ଋଣ, ଏନ୍.ପି.ଏ. କିମ୍ବା ୱାନ୍ ଟାଇମ୍ ସେଟେଲ୍‌ମେଂଟ୍ ଘୋଷିତ ହୋଇନଥିବ ।

୭- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୪୦ଲକ୍ଷରୁ ଅଧିକ କାର୍ଯ୍ୟ କରିନଥିବେ ।

୮- ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୨.୫ଲକ୍ଷ ରୁ ଅଧିକ ତଦାରଖ ରାଶି ଯଦି ପାଇଥିବେ ସେ ସରକାରଙ୍କ ଆୟକର ଦେୟ କରିଥିବେ ।

12/10/23

ନିର୍ବାହୀ ଅଧିକାରୀ
ରାଇରଙ୍ଗପୁର ପୌରପାଳିକା

ଜ୍ଞାପକ **ସଂଖ୍ୟା<u>୩୧୧୬ ତା୧୨.୧୦.୨୦୨୩</u>**

ଏହାର ଏକକିତା ନକଲ ଶିଶୁ ବିକାଶ ଯୋଜନା ଅଧିକାରୀ, ରାଇରଙ୍ଗପୁର / ଜିଲ୍ଲା ସହର ଉନ୍ନୟନ ସଂସ୍ଥା, ମୟୂରଭଞ୍ଜ / ରାଜ୍ୟ ସହର ଉନ୍ନୟନ ସଂସ୍ଥା, ଓଡିଶା, ଭୁବନେଶ୍ୱରଙ୍କ ସଦୟ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

12/10/23

ନିର୍ବାହୀ ଅଧିକାରୀ
ରାଇରଙ୍ଗପୁର ପୌରପାଳିକା

## Application for Paver Block road under MUKTA Guidelines in Rairangpur Municipality

| | |
|---|---|
| Name of the Mission Shakti SHG | |
| Mission Shakti SHG Registration Number | |
| Mission Shakti SHG Registration Year | |
| Ward No | |
| Mission Shakti SHG PAN Number | |
| Communication Adress | |
| Contact Number- President/ Secretary | |
| Mission Shakti SHG Bank Account Number | |
| IFSC Details | |
| Branch Name | |

Required Documents:-

1. 1st Resolution Xerox Copy.
2. Bank Pass book Xerox Copy
3. Pan Card Xerox Copy

Signature with Seal
President

Signature with Seal
Secretary